# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**1 April – 2025**

# ଉତ୍କଳ ଦିବସ-୨୦୨୫

ରାଜ୍ୟରେ ଆଜି ପାଳିତ ହେଉଛି ଉତ୍କଳ ଦିବସ । ୧୯୩୬ ମସିହା ଏପ୍ରିଲ ମାସ ଆଜିର ଦିନରେ ଓଡ଼ିଶା ଭାଷାଭିତ୍ତିକ ରାଜ୍ୟ ଭାବେ ଗଠନ କରାଯାଇଥିଲା । ପ୍ରତ୍ୟେକ ଓଡ଼ିଆଙ୍କ ପାଇଁ ଆଜି ଗର୍ବ ଏବଂ ଗୌରବର ଦିନ । ପୃଥିବୀର ୨୦ଟି ସମୃଦ୍ଧ ସଭ୍ୟ ଓ ସୃଜନଶୀଳ ଭାଷା ମଧ୍ୟରୁ ଓଡ଼ିଆ ଭାଷା ଗୋଟିଏ ।  ଓଡ଼ିଆ ଭାଷା ତା'ର କଳା, ସଂସ୍କୃତି, ଐତିହ୍ୟ ଏବଂ ଭାସ୍କର୍ଯ୍ୟରେ ପରିପୂର୍ଣ୍ଣ ଇତିହାସକୁ ନେଇ ବିଶ୍ୱରେ ଖ୍ୟାତିଲାଭ କରିଛି । ପରାଧୀନ ଶୃଙ୍ଖଳରୁ ମୁକ୍ତ ହୋଇ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ କରିବାରେ ଉତ୍କଳ ଗୌରବ ମଧୁସୂଦନ ଦାସ, ଉତ୍କଳମଣି ଗୋପବନ୍ଧୁ ଦାସଙ୍କଠାରୁ ଆରମ୍ଭ କରି ସ୍ୱଭାବକବି ଗଙ୍ଗାଧର ମେହେର, କର୍ମବୀର ଗୌରୀଶଙ୍କର ରାୟଙ୍କ ପର୍ଯ୍ୟନ୍ତ ମହାନ୍ ବ୍ୟକ୍ତିତ୍ୱଙ୍କର ଓଡ଼ିଆ ଭାଷା, ସାହିତ୍ୟ ସହିତ ଏକ ସ୍ୱତନ୍ତ୍ର ରାଜ୍ୟ ଗଠନରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଥିଲା । ୧୯୫୪ ମସିହାରେ ଭାଷା ଆଇନ୍ ସଂଶୋଧିତ ହୋଇ ଓଡ଼ିଆ ଭାଷା ସରକାରୀ ଭାଷାର ମାନ୍ୟତା ପାଇଥିଲା ।

ଉତ୍କଳ ଦିବସ ଅବସରରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ, ଶୁଭେଚ୍ଛା ଜଣାଇଛନ୍ତି । ଏହି ଦିବସରେ ସରକାର ଏବଂ ରାଜ୍ୟବାସୀ ଏକାଠି ହୋଇ ସମସ୍ତଙ୍କ ପାଇଁ ଉଜ୍ଜ୍ୱଳ ଏବଂ ନ୍ୟାୟୋଚିତ ଭବିଷ୍ୟତ ଗଠନ ଦିଗରେ କାର୍ଯ୍ୟ

କରିବେ ବୋଲି ଆହ୍ୱାନ ଦେଇଛନ୍ତି । ଉପରାଷ୍ଟ୍ରପତି ଜଗଦୀପ ଧନଖଡ ରାଜ୍ୟବାସୀଙ୍କୁ ଶୁଭେଚ୍ଛା ଜ୍ଞାପନ କରିବା ସହ ରାଜ୍ୟ ଅଧିକ ସମୃଦ୍ଧି ଏବଂ ଉତ୍କର୍ଷତା ଆଡକୁ ଯାତ୍ରା ଜାରି ରଖିବା ନେଇ କାମନା କରିଛନ୍ତି । ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ରାଜ୍ୟବାସୀଙ୍କୁ ଆନ୍ତରିକ ଶୁଭେଚ୍ଛା ଏବଂ ହାର୍ଦ୍ଦିକ ଅଭିନନ୍ଦନ ଜଣାଇଛନ୍ତି । ଓଡ଼ିଶାକୁ ଏକ ସମୃଦ୍ଧ ଓ ବିକଶିତ ରାଜ୍ୟରେ ପରିଣତ କରିବା ପାଇଁ ଆଜିର ଦିବସରେ ସମସ୍ତେ ସଂକଳ୍ପବଦ୍ଧ ହେବାକୁ ଆହ୍ୱାନ ଦେଇଛନ୍ତି ।  ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଓଡ଼ିଶା ଦିବସ ଅବସରରେ ଅଭିନନ୍ଦନ ଜଣାଇବା ସହ ସମୃଦ୍ଧ ଓଡ଼ିଶା ଗଠନର ଲକ୍ଷ୍ୟ ହାସଲ ପାଇଁ ସମସ୍ତେ ଦୃଢ଼ ସଂକଳ୍ପ ହୋଇ କାର୍ଯ୍ୟ କରିବା ଲାଗି ଆହ୍ୱାନ ଦେଇଛନ୍ତି ।

ଏହି ଅବସରରେ ଆଜି ପୂର୍ବାହ୍ନରେ ରାଜ୍ୟସ୍ତରୀୟ ଓଡ଼ିଶା ଦିବସ ସମାରୋହ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜନ୍ମପୀଠ କଟକ ଜିଲ୍ଲା ସତ୍ୟଭାମାପୁରଠାରେ ଅନୁଷ୍ଠିତ ହେବ । ଏଥିରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ମୁଖ୍ୟଅତିଥି ଭାବରେ ଯୋଗଦେବେ। ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ପ୍ରମୁଖ ଏହି କାର୍ଯ୍ୟକ୍ରମରେ ଯୋଗଦେବାକୁ ଥିବାବେଳେ ବହୁ ସାଂସଦ ଓ ବିଧାୟକମାନେ କାର୍ଯ୍ୟକ୍ରମରେ ସାମିଲ ହେବେ । ଆଜି ସଂଧ୍ୟାରେ ଭୁବନେଶ୍ୱର ଜୟଦେବ ଭବନରେ ରାଜ୍ୟସ୍ତରୀୟ ଓଡ଼ିଶା ଦିବସ ସମାରୋହ ପାଳିତ ହେବ । ବାଚସ୍ପତି ସୁରମା ପାଢ଼ୀ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଯୋଗଦେବେ ।

# ଉତ୍କଳ ଦିବସ-ଦିଲ୍ଲୀ

ଉତ୍କଳ ଦିବସ ଉପଲକ୍ଷେ ନୂଆଦିଲ୍ଲୀର ଜବାହରଲାଲ ନେହେରୁ ଷ୍ଟାଡିୟମରେ ଆଜି ଅପରାହ୍ଣରେ ଓଡ଼ିଶା ଦିବସ ସମାରୋହ ଅନୁଷ୍ଠିତ ହେବ । ଏଥିରେ ରାଜ୍ୟ ସ୍ଥାପନା ଦିବସ ପାଳନ ହେବା ସହ ରାଜ୍ୟ ଗଠନରେ ଅମୂଲ୍ୟ ଅବଦାନ ଦେଇଥିବା ବ୍ୟକ୍ତିତ୍ୱଙ୍କୁ ଶ୍ରଦ୍ଧାସୁମନ ଅର୍ପଣ କରାଯିବ । କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ଗଜେନ୍ଦ୍ର ସିଂହ ଶେଖାଓ୍ୱତ, ଜୁଏଲ ଓରାମ, ଅଶ୍ୱିନୀ ବୈଷ୍ଣବ, ପ୍ରଧାନମନ୍ତ୍ରୀଙ୍କ ପ୍ରମୁଖ ପ୍ରଧାନ ସଚିବ ଡକ୍ଟର ପି.କେ.ମିଶ୍ର ଓ ଦିଲ୍ଲୀ ମୁଖ୍ୟମନ୍ତ୍ରୀ ରେଖା ଗୁପ୍ତା ପ୍ରମୁଖ ଯୋଗଦେବାର କାର୍ଯ୍ୟକ୍ରମ ରହିଛି । ଏହି କାର୍ଯ୍ୟକ୍ରମରେ ରାଜ୍ୟର ସମୃଦ୍ଧ, ସାଂସ୍କୃତିକ ଐତିହ୍ୟ ଓ ପରମ୍ପରା ପ୍ରଦର୍ଶନ କରାଯିବ ।

# ଓଡ଼ିଶା ଦିବସ-ପୁରସ୍କାର

ରାଜ୍ୟସ୍ତରୀୟ ଓଡ଼ିଶା ଦିବସ ୨୦୨୫ ପାଳନ ଅବସରରେ ସୂଚନା ଓ ଲୋକସମ୍ପର୍କ ବିଭାଗ ପକ୍ଷରୁ ଆୟୋଜିତ ରାଜ୍ୟସ୍ତରୀୟ ବକ୍ତୃତା ପ୍ରତିଯୋଗିତାରେ କଟକ ସେକେଣ୍ଡାରୀ ବୋର୍ଡ ହାଇସ୍କୁଲର ଦଶମ ଶ୍ରେଣୀ

ଛାତ୍ରୀ ଶୁଭଶ୍ରୀ ଶତପଥୀ ପ୍ରଥମ ସ୍ଥାନ ହାସଲ କରିଛନ୍ତି । କେନ୍ଦ୍ରାପଡା ସେଣ୍ଟ ଜାଭିୟର ହାଇସ୍କୁଲର ଛାତ୍ର ତେଜ ତନ୍ମୟ ଦ୍ୱିତୀୟ ଏବଂ ଖୋର୍ଦ୍ଧା ବିଜେବି ହାଇସ୍କୁଲର ଛାତ୍ର ସଂଗ୍ରାମ ପୁହାଣ ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଆଜି ରାଜ୍ୟସ୍ତରୀୟ ସମାରୋହରେ ସେମାନଙ୍କୁ ପୁରସ୍କାର ପ୍ରଦାନ କରାଯିବ ।

## ଓଡ଼ିଆ ପକ୍ଷ

ରାଜ୍ୟରେ ଆଜି ଉତ୍କଳ ଦିବସରୁ 'ଓଡ଼ିଆ ପକ୍ଷ' ପାଳନ କରାଯିବ। ରାଜ୍ୟ, ଜିଲ୍ଲା ଓ ଉପଖଣ୍ଡ ସ୍ତରରେ ଓଡ଼ିଶାକୁ ସ୍ୱତନ୍ତ୍ର ଭାଷାଭିତ୍ତିକ ରାଜ୍ୟ ଭାବେ ଗଠନ ହୋଇଥିବା ଅବସରରେ ଓଡ଼ିଶା ଦିବସ ପାଳନ କରାଯିବ । ଆସନ୍ତାକାଲି ପ୍ରାଥମିକ ବିଦ୍ୟାଳୟଗୁଡ଼ିକରେ ଖଡ଼ିଛୁଆଁ ଓ ପ୍ରବେଶ ଉତ୍ସବ, ୩ ତାରିଖରେ ଆମ ପୋଷାକ ଆମ ପରିଚୟ, ୪ ତାରିଖରେ ଓଡ଼ିଆରେ ନାମଫଳକ ବ୍ୟବହାର ସମ୍ପର୍କିତ ଅଭିଯାନ, ୫ ତାରିଖରେ ମାରାଥନ ଆୟୋଜନ କରାଯିବ ।

## ଆୟୁଷ୍ମାନ ଭାରତ ଯୋଜନା

ରାଜ୍ୟରେ ଆଜି ଆୟୁଷ୍ମାନ ଭାରତ – ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ଏବଂ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନାର ଶୁଭାରମ୍ଭ ହେବ।

ଏଥିସହିତ ଆୟୁଷ୍ମାନ ବୟୋବନ୍ଦନା ଯୋଜନାର ମଧ୍ୟ ଶୁଭାରମ୍ଭ ହେବ। ସୂଚନା ଅନୁସାରେ ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନଆରୋଗ୍ୟ ଯୋଜନାରେ ଶତଷଠୀ ଲକ୍ଷ ୮୦ ହଜାରରୁ ଅଧିକ ପରିବାର ଏବଂ ଗୋପବନ୍ଧୁ ଜନଆରୋଗ୍ୟ ଯୋଜନାରେ ୩୫ ଲକ୍ଷ ୮୪ ହଜାରରୁ ଅଧିକ ପରିବାର ଉପକୃତ ହେବେ। ଯୋଜନାର ହିତାଧିକାରୀମାନଙ୍କୁ ଗୋଟିଏ ସ୍ୱାସ୍ଥ୍ୟ କାର୍ଡ ଯୋଗାଇ ଦିଆଯିବ। ଆୟୁଷ୍ମାନ ବୟୋବନ୍ଦନା ଯୋଜନାରେ ୭୦ ବର୍ଷ ବୟସରୁ ଅଧିକ ବୟସର ପ୍ରାୟ ୨୩ ଲକ୍ଷ ୧୩ ହଜାର ହିତାଧିକାରୀମାନେ ଅଲଗା ଭାବେ ଏକ ସ୍ୱତନ୍ତ୍ର କାର୍ଡ ପାଇବେ। ଏହି ଦୁଇ ଯୋଜନାର ହିତାଧିକାରୀମାନେ ଦେଶର ୨୯ ହଜାରରୁ ଅଧିକ ସରକାରୀ ଡାକ୍ତରଖାନା ଓ ପଞ୍ଜୀକୃତ ବେସରକାରୀ ଡାକ୍ତରଖାନାରେ ଚିକିତ୍ସା ସୁବିଧା ପାଇପାରିବେ ବୋଲି ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ କୁହାଯାଇଛି।

## ତୋଶାଳି ମେଳା ଉଦ୍‌ଯାପିତ

୧୯ତମ ତୋଷାଳି ଜାତୀୟ ହସ୍ତଶିଳ୍ପ ମେଳା ଉଦ୍‌ଯାପିତ ହୋଇଛି । ଉଦ୍‌ଯାପନୀ ସମାରୋହରେ ମୁଖ୍ୟଅତିଥି ଭାବେ ଯୋଗଦେଇ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଭାରତୀୟ ହସ୍ତଶିଳ୍ପ ଆମ ଦେଶର କଳାତ୍ମକ ଐତିହ୍ୟର ପ୍ରମାଣ ବୋଲି କହିଛନ୍ତି । ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପର

ଉନ୍ନତି ତଥା କାରିଗର ଓ ବୁଣାକାରଙ୍କ କଲ୍ୟାଣ ନିମନ୍ତେ ଉଭୟ ରାଜ୍ୟ ଓ କେନ୍ଦ୍ର ସରକାର ନେଇଥିବା ପଦକ୍ଷେପ ସମ୍ପର୍କରେ ରାଜ୍ୟପାଳ ଆଲୋକପାତ କରିଥିଲେ ।

## ସାକ୍ଷାତ୍‌କାର

ଆଞ୍ଚଳିକ ସହଯୋଗ ଏବଂ ସାମୁଦ୍ରିକ ଯୋଗାଯୋଗ ଲକ୍ଷ୍ୟ ନେଇ ବିଭିନ୍ନ ରାଷ୍ଟ୍ର ମଧ୍ୟରେ ସହଭାଗିତାକୁ ଦୃଷ୍ଟିରେ ରଖି ଥାଇଲାଣ୍ଡର ବ୍ୟାଙ୍ଗ୍‌କକ୍‌ଠାରେ 'ବିମ୍‌ଷ୍ଟେକ୍ ସମ୍ମିଳନୀ' ଆରମ୍ଭ ହେଉଛି । ଏଥିରେ ଯୋଗଦେବା ଲାଗି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆସନ୍ତା ଗୁରୁବାର ଦିନ ଥାଇଲାଣ୍ଡ ଗସ୍ତରେ ଯାଉଛନ୍ତି । ଏହି ସମ୍ମିଳନୀ ଉପରେ ଅଧିକ ସୂଚନା ଦେଇଛନ୍ତି ନରୱେରେ ଉଚ୍ଚାୟୁକ୍ତ ଭାବେ କାର୍ଯ୍ୟ କରିଥିବା ଅବସର ପ୍ରାପ୍ତ ଭାରତୀୟ ବୈଦେଶିକ ସେବା ଅଧିକାରୀ ଦେବରାଜ ପ୍ରଧାନ । ଏହି ସାକ୍ଷାତ୍‌କାର କାର୍ଯ୍ୟକ୍ରମ ଆଜି ଅପରାହ୍ଣ ୪ଟାରୁ ୫ଟା ପର୍ଯ୍ୟନ୍ତ ରାଜ୍ୟର ଆକାଶବାଣୀର ସମସ୍ତ ଚ୍ୟାନେଲ୍ ମାଧ୍ୟମରେ ପ୍ରସାରିତ ହେବ ।

# ଚୈତ୍ର ମଙ୍ଗଳବାର

ଦକ୍ଷିଣ ଓଡ଼ିଶାର ଅଧିଷ୍ଠାତ୍ରୀ ଦେବୀ ମା’ ତାରାତାରିଣୀଙ୍କ ଚୈତ୍ର ପର୍ବର ତୃତୀୟ ମଙ୍ଗଳବାରରେ ଆଜି ମା’ ମହାସରସ୍ୱତୀ ବେଶରେ ଦର୍ଶନ ଦେଉଛନ୍ତି । ଏହି ବେଶ ଦର୍ଶନ ଲାଗି ପ୍ରବଳ ଭକ୍ତ ସମାଗମ ହୋଇଛି । ଆଜି ସକାଳ ସୁଦ୍ଧା ଦ୍ୱାରଫିଟା, ଅବକାଶ, ମାଜଣା, ମଙ୍ଗଳଆଳତୀ, ଶୃଙ୍ଗାର କରାଯାଇ ମା’ଙ୍କୁ ମହାସରସ୍ୱତୀ ବେଶରେ ସୁସଜ୍ଜିତ କରାଯାଇଥିଲା ।